୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.157 Bhubaneswar Saturday July 27 2024 | ୨୬ତମ ବର୍ଷ ସଂଖ୍ୟା–୧୫୭ ଭୁବନେଶ୍ୱର, ଶନିବାର, ଜୁଲାଇ ୨୭, ୨୦୨୪ (୮ ପୃଷ୍ଠା) ମୂଲ୍ୟ–୧.୫୦ ₹1.50 (Air Surcharge - 0.50P) Member-INS

## ବାରବାଟୀ ଷ୍ଟାଡିୟମ ରୂପାନ୍ତରଣ: ଶିଳାନ୍ୟାସର ମହାଡ୍ରାମା କରିଥିଲେ ନବୀନ, ଏବେ ମିଛ ଧରାଇଲେ କ୍ରୀଡାମନ୍ତ୍ରୀ



ଭୁବନେଶ୍ୱର,୨୬।୭(ପି.ଏନ): ଐତିହାସିକ ବାରବାଟୀ ଷ୍ଟାଡିୟମର ରୂପାନ୍ତରୀକରଣ ନାଁରେ ପୂର୍ବ ବିଜେଡି ସରକାର ସାଧାରଣ ଲୋକଙ୍କୁ ଭୁଆଁ ବୁଲାଇଥିଲା । ଏପରିକି ୫ମାସ ପୂର୍ବରୁ ଫେବୃୟାରୀ ୨୭ତାରିଖରେ ତତକାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ବାରବାଟୀ ଷ୍ଟାଡିୟମର ନବକଳେବର ପାଇଁ ଯେଉଁ ୭୦୦କୋଟି ଟଙ୍କାର ପ୍ରକଳ୍ପର ଶିଳାନ୍ୟାସ କରିଥିଲେ ତାହା ବି ମିଛ ଡ୍ରାମା ଥିଲା । ଆଜି ରାଜ୍ୟ କ୍ରୀଡାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ବିଧାନସଭାରେ ଦେଇଥିବା ଉତ୍ତରରୁ ବିଜେଡି ସରକାରର ମହାଡ୍ରାମା ଧରାପଡିଛି ତଥା କଟକବାସୀଙ୍କ ଭାବାବେଗ ସହ ବିଜେଡି ସରକାର ଖେଳିଥିବା ସ୍ପଷ୍ଟ ହୋଇଛି ।କଟକ-ବାରବାଟୀ ବିଧାୟିକା ସୋଫିଆ ଫିର୍ଦ୍ଦୋଷଙ୍କ ଏକ ପ୍ରଶ୍ନର ଆଜି ଲିଖିତ ଉତ୍ତର ଦେଇ ରାଜ୍ୟ କ୍ରୀଡାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି ଯେ, କଟକସ୍ଥିତ ଓଡିଶା କ୍ରିକେଟ୍ ଆସୋସିଏସନ୍ ଦ୍ୱାରା ବାରବାଟୀ ଷ୍ଟାଡିୟମ ପରିଚାଳିତ ହେଉଛି । ରାଜ୍ୟ କ୍ରୀଡା ଓ ଯୁବବ୍ୟାପାର ବିଭାଗ ଏହି ବାରବାଟୀ ଷ୍ଟାଡିୟମର ଉନ୍ନତିକରଣ ଓ ପୁନଃବିକାଶ ପାଇଁ କୌଣସି ପଦକ୍ଷେପ ନେଇନାହିଁ । ଏପରିକି ଷ୍ଟାଡିୟମରେ ନିର୍ଦ୍ଦିଷ୍ଟ ଭିତ୍ତିଭୂମିରେ ସୁଧାର ଓ ଅତ୍ୟାଧୁନିକ ସୁବିଧାସୁଯୋଗ ପାଇଁ ମଧ୍ୟ କୌଣସି ପଦକ୍ଷେପ ନେଇନଥିବା କ୍ରୀଡାମନ୍ତ୍ରୀ ସ୍ପଷ୍ଟ କରିଛନ୍ତି । କ୍ରୀଡାମନ୍ତ୍ରୀଙ୍କ ଏହି ଉତ୍ତର ସହ ବାରବାଟୀ ଷ୍ଟାଡିୟମର ନବକଳେବର ହେବ ବୋଲି ଚାଲିଥିବା ଚର୍ଚ୍ଚାରେ ପୂର୍ଣ୍ଣଚ୍ଛେଦ ପଡିଛି । ଆଉ ବିଜେଡି ସରକାର ସମୟରେ ମାତ୍ର ୫ମାସ ପୂର୍ବରୁ ତତକାଳୀନ ମୁଖ୍ୟମନ୍ତ୍ରୀ ଶ୍ରୀ ପଟ୍ଟନାୟକ ବାରବାଟୀ ଷ୍ଟାଡିୟମରେ ବଲିଉଡ୍ ଗୀତିକାରଙ୍କୁ ଡାକି ଭବ୍ୟ ରଙ୍ଗାରଙ୍ଗ କାର୍ଯ୍ୟକ୍ରମ ସହ ଯେଉଁ ପ୍ରକଳ୍ପର ଶିଳାନ୍ୟାସ କରିଥିଲେ ତାହା ମଧ୍ୟ ଭୋଟରଙ୍କୁ ଭଣ୍ଡେଇବା ପାଇଁ ଉଦ୍ଦିଷ୍ଟ ଥିବା ଜଣାପଡିଛି । ନବୀନ ସରକାରରେ ସର୍ବ ?ସର୍ବା ଭିକେ ପାଣ୍ଡିଆନ ବାରବାଟୀ ଷ୍ଟାଡିୟମ ଯାଇ ସେଠାରେ କ୍ରୀଡା ବିଭାଗର ବରିଷ୍ଠ ପଦାଧିକାରୀ ଓ କଟକ ଜିଲ୍ଲାର ଅଧିକାରୀଙ୍କୁ ଧରି ପ୍ରକଳ୍ପର ସମୀକ୍ଷା କରିଥିଲେ ମଧ୍ୟ ଏବେ କ୍ରୀଡାମନ୍ତ୍ରୀଙ୍କ ଉତ୍ତର ସେମାନଙ୍କର ପଦକ୍ଷେପକୁ ମିଛ ବୋଲି ପ୍ରମାଣିତ କରିଛି ।

## ଜୁଲାଇ ୨୯ରେ ବନ୍ଦ ରହିବ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି: ସୂଚନା ଜାରି କଲା ସାଧାରଣ ପ୍ରଶାସନ ବିଭାଗ




ଭୁବନେଶ୍ୱର,୨୬।୭(ପି.ଏନ): ଆସନ୍ତା ୨୯ ତାରିଖ ଦିନ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣଇ ବନ୍ଦ ରହିବ । ବର୍ତ୍ତମାନ ସମୟରେ ସପ୍ତଦଶ ବିଧାନସଭାର ପ୍ରଥମ ଅଧିବେଶନ ଜାରି ରହିଛି । ସେଥିପାଇଁ ଆସନ୍ତା ସୋମବାର ଦିନ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି ବନ୍ଦ ରହିବ । ଏନେଇ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ଏକ ବିଜ୍ଞପ୍ତି ଜାରି ସୂଚନା ଦିଆଯାଇଛି । ଏହା ପୂର୍ବରୁ ଗତ ୨୨ ତାରିଖରେ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି ବନ୍ଦ ରହିଥିଲା । ଗତ ୨୨ ତାରିଖ ଠାରୁ ସପ୍ତଦଶ ବିଧାନସଭାର ପ୍ରଥମ ଅଧିବେଶନ ଆରମ୍ଭ ହେଉଥିବାରୁ ଅଭିଯୋଗ ଶୁଣାଣିକୁ ବନ୍ଦ ରଖାଯାଇଥିଲା ।ସୂଚନାଯୋଗ୍ୟ ଯେ, ଏହା ପୂର୍ବରୁ ଗତ ୮ ତାରିଖରେ ମଧ୍ୟ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି ବନ୍ଦ ହୋଇଥିଲା । ଚଳିତ ବର୍ଷ ରଥଯାତ୍ରା ଦୁଇଦିନ ଧରି ଚାଲିଥିବାରୁ ସେଥିପାଇଁ ଜୁଲାଇ ୭ ଓ ୮ ତାରିଖକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଛୁଟି ଘୋଷଣା କରିଥିଲେ । ମହାପ୍ରଭୁଙ୍କ ବିଶ୍ୱପ୍ରସିଦ୍ଧ ରଥଯାତ୍ରା ପାଇଁ ଜୁଲାଇ ୮କୁ ସରକାରୀ ଛୁଟି ଭାବେ ଘୋଷଣା କରାଯାଇ ଥିବାରୁ ସେହି ଦିନ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି ବନ୍ଦ ନେଇ ନିଷ୍ପତ୍ତି ନିଆଯାଇଥିଲା । ସେ ବାବଦରେ ସାଧାରଣ ପ୍ରଶାସନ ଓ ଜନ ଅଭିଯୋଗ ବିଭାଗ ପକ୍ଷରୁ ମଧ୍ୟ ସୂଚନା ଜାରି କରାଯାଇଥିଲା ।

## ଖାଲିପଡିଥିବା ୧୭ ହଜାରରୁ ଅଧିକ ଶିକ୍ଷକ ପଦ ପୂରଣ ପାଇଁ ନିଷ୍ପତ୍ତି ନେବେ ସରକାର : ଗଣଶିକ୍ଷାମନ୍ତ୍ରୀ

ଭୁବନେଶ୍ୱର,୨୬।୭(ପି.ଏନ): ସପ୍ତଦଶ ବିଧାନସଭାର ଆଜି ପଞ୍ଚମ ଦିବସରେ ଗୃହ କାର୍ଯ୍ୟ ସ୍ୱାଭାବିକ ଭାବେ ଚାଲିଛି । ପ୍ରଶ୍ନକାଳରେ ଉଚ୍ଚଶିକ୍ଷା, ବିଦ୍ୟାଳୟ ଓ ଗଣଶିକ୍ଷା, ଶିଳ୍ପ, ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ ଏବଂ ସଂଖ୍ୟାଲଘୁ ସମ୍ପ୍ରଦାୟ ଓ ପଛୁଆବର୍ଗ କଲ୍ୟାଣ, ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ, ଦକ୍ଷତା ବିକାଶ ଓ ବୈଷୟିକ, ଶିଳ୍ପ, କ୍ରୀଡା ଓ ଯୁବ କଲ୍ୟାଣ ବିଭାଗ ଉପରେ ଆଲୋଚନା ହୋଇଥିଲା ।ସ୍କୁଲ ଏବଂ ଗଣ ଶିକ୍ଷା ବିଭାଗ ଆଲୋଚନାରେ ଭାଗନେଇ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି ଖୁବ ଶୀଘ୍ର ରାଜ୍ୟର ୧୬ ହଜାର ୫୧୯ଟି ପ୍ରାଥମିକ ଓ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଖାଲି ପଡିଥିବା ୧୭ ହଜାର ୭୬୧ ଶିକ୍ଷକ ପଦ ପୂରଣ ନିମନ୍ତେ ସରକାର ପଦକ୍ଷେପ ଗ୍ରହଣ କରିବେ । ସିମୁଳିଆ ବିଧାୟକ ପଦ୍ମଲୋଚନ ପଣ୍ଡାଙ୍କ ଏ ସଂପର୍କିତ ପ୍ରଶ୍ନର ଉତ୍ତରରେ ମନ୍ତ୍ରୀ ଶ୍ରୀ ଗଣ୍ଡ କହିଛନ୍ତି, ରାଜ୍ୟରେ ବନ୍ଦ ହୋଇଥିବା ସ୍କୁଲ ଗୁଡିକ ଖୋଲିବା ନେଇ ପଦକ୍ଷେପ ନିଆଯାଉଛି ।ବଡଚଣା ବିଧାୟକ ଅମର ନାଏକଙ୍କ ଉତ୍କଳ ବିଶ୍ୱବିଦ୍ୟାଳୟର ଗ୍ରାମୀଣ କ୍ୟାମ୍ପସ ସ୍ଥିତି ନେଇ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି, ଚଳିତ ବର୍ଷ ଶେଷ ସୁଦ୍ଧା ବଡଚଣା ବ୍ଲକରେ ଉତ୍କଳ ବିଶ୍ୱବିଦ୍ୟାଳୟର ଗ୍ରାମୀଣ କ୍ୟାମ୍ପସ ନିର୍ମାଣ କାର୍ଯ୍ୟ ସଂପୂର୍ଣ୍ଣ ହେବ । ଏହା ବ୍ୟତୀତ ଗୃହରେ ଶୂନ୍ୟକାଳରେ ବିଧାୟକମାନେ ବିଭିନ୍ନ ପ୍ରସଙ୍ଗ ଉପରେ ବାଚସ୍ପତିଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ ।

## ଅଗ୍ନିବୀରଙ୍କ ପାଇଁ ମୋହନ ସରକାରଙ୍କ ବଡଘୋଷଣା: ଚାକିରିରେ ୧୦% ସଂରକ୍ଷଣ,ବୟସ ୫ବର୍ଷ କୋହଳ



ଭୁବନେଶ୍ୱର,୨୬।୭(ପି.ଏନ): କେନ୍ଦ୍ରରେ ନରେନ୍ଦ୍ର ମୋଦି ନେତୃତ୍ୱାଧୀନ ବିଜେପି ସରକାରଙ୍କ 'ଅଗ୍ନିବୀର' ଯୋଜନାକୁ ନେଇ ବିରୋଧୀ ଦଳର ବିରୋଧ ଜାରି ରହିଥିବାବେଳେ ଆଜି ଓଡିଶା ସରକାର ଏକ ବଡ ଘୋଷଣା କରିଛନ୍ତି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ରାଜ୍ୟର ସବୁ ୟୁନିଫର୍ମ ସେବାରେ ସେମାନଙ୍କୁ ଗ୍ରହଣ କରାଯିବ ବୋଲି ଘୋଷଣା କରିଛନ୍ତି । ଏହାସହିତ 'ଅଗ୍ନିବୀର'ଙ୍କ ପାଇଁ ରାଜ୍ୟର ସବୁ ୟୁନିଫର୍ମ ସେବାରେ ନିଯୁକ୍ତି ପାଇଁ ୧୦ପ୍ରତିଶତ ପର୍ଯ୍ୟନ୍ତ ସଂରକ୍ଷଣ ଓ ବୟସସୀମାରେ ମଧ୍ୟ ୫ବର୍ଷ କୋହଳ କରାଯିବ ବୋଲି କହିଛନ୍ତି ।

## ସୀମାରେ ଅଟକିଛି ଶହ ଶହ ଆଳୁ ବୋଝେଇ ଟ୍ରକ୍; ଓଡ଼ିଶାକୁ ପ୍ରବେଶ ଅନୁମତି ନଥିବା କହୁଛି ପଶ୍ଚିମବଙ୍ଗ ପୋଲିସ



ଭୁବନେଶ୍ୱର,୨୬।୭(ପି.ଏନ): ପଶ୍ଚିମବଙ୍ଗ-ଓଡ଼ିଶା ସୀମାରେ ଅଟକିଛି ଶହ ଶହ ଆଳୁ ବୋଝେଇ ଟ୍ରକ୍ । ସୋନାକଣିଆ ନିକଟରେ ଆଳୁ ବୋଝେଇ ଅଟକାଇଛି ପଶ୍ଚିମବଙ୍ଗ ପୋଲିସ । ଓଡ଼ିଶାକୁ ପ୍ରବେଶ ଅନୁମତି ନଥିବାରୁ ଟ୍ରକ ଆସିପାରୁନଥିବା ନେଇ ମିଳିଛି ସୂଚନା । ସୀମାବର୍ତ୍ତୀ ୪ଟି ରାସ୍ତାରେ ଅଟକି ରହିଛି ଶତାଧିକ ଆଳୁ ବୋଝେଇ ଟ୍ରକ୍ । ରାସ୍ତା ସିଲ୍ ହୋଇଥିବା ମିଳିଛି ସୂଚନା । କେଉଁ କାରଣ ପାଇଁ ଏପରି ରାସ୍ତା ସିଲ୍ ହୋଇଛି ତାହା ଏଯାଏଁ ଜଣା ପଡ଼ିନି ।

## ସଜାଗ ରହିବାକୁ ୧୩ ଜିଲ୍ଲାପାଳଙ୍କୁ ଝଜଉଙ୍କ ଚିଠି



ଭୁବନେଶ୍ୱର,୨୬।୭(ପି.ଏନ): ଆହୁରି ୫ ଦିନ ଯାଏଁ ବର୍ଷାରୁ ନିସ୍ତାର ମିଳିବନି । କାରଣ, ବଙ୍ଗୋପସାଗରରେ ପୁଣି ସୃଷ୍ଟି ହୋଇଛି ଏକ ଲଘୁଚାପ କ୍ଷେତ୍ର । ଆଗାମୀ ୨ ଦିନ ମଧ୍ୟରେ ଲଘୁଚାପଟି ପଶ୍ଚିମବଙ୍ଗ ଓ ଝାଡଖଣ୍ଡ ମୁହାଁ ହେବ । ଉତ୍ତର ବଙ୍ଗୋପସାଗର ଓ ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ଲଘୁଚାପ କ୍ଷେତ୍ର ସୃଷ୍ଟି ହୋଇଥିବା ବେଳେ ଏହାର ପ୍ରଭାବରେ ଉତ୍ତର ଓ ଉପକୂଳ ଓଡିଶାରେ ପ୍ରବଳ ବର୍ଷା ସମ୍ଭାବନା ରହିଛି । ସେଥିପାଇଁ ୧୩ ଜିଲ୍ଲାକୁ ସ୍ୱତନ୍ତ୍ର ରିଲିଫ୍ କମିଶନ(ଏସ୍ଆର୍ସି)ର ଚିଠି ଲେଖିଛନ୍ତି । ଲଘୁଚାପ ବର୍ଷାରେ ଉତ୍ତର ଓଡିଶାରେ ଉପୁଜିପାରେ ବନ୍ୟା ସ୍ଥିତି । ଜିଲ୍ଲାସ୍ତରରେ ପ୍ରସ୍ତୁତ ରହିବା ସହ ସ୍ଥିତି ନେଇ ଅବଗତ କରିବାକୁ ନିର୍ଦ୍ଦେଶ । ମୟୂରଭଞ୍ଜ, ବାଲେଶ୍ୱର, କେନ୍ଦୁଝର, ସୁନ୍ଦରଗଡ, ଭଦ୍ରକ, କେନ୍ଦ୍ରାପଡା, କଟକ, ଜଗତସିଂହପୁର, ପୁରୀ, ଖୋର୍ଦ୍ଧା, ଯାଜପୁର, ଢେଙ୍କାନାଳ ଓ ଅନୁଗୋଳ ଜିଲ୍ଲାକୁ ସତର୍କ କଲେ ସ୍ୱତନ୍ତ୍ର ରିଲିଫ୍ କମିଶନର ।ସେପଟେ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ଜାରି ବୁଲେଟିଂ ଅନୁସାରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ୧୦ ଜିଲ୍ଲାରେ ପ୍ରବଳରୁ ଅତି ପ୍ରବଳ ବର୍ଷା ସମ୍ଭାବନା ରହିଛି । କଟକ, ବରଗଡ, ସମ୍ବଲପୁର, ଦେଓଗଡ, ଅନୁଗୋଳ, ଭଦ୍ରକ, କେନ୍ଦୁଝର, ଢେଙ୍କାନାଳ, ଜଗତସିଂହପୁର ଓ କେନ୍ଦ୍ରାପଡା ଜିଲ୍ଲାରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହେବ । ଏହି ସବୁ ଜିଲ୍ଲାରେ ୧୨ରୁ ୨୦ ସେଣ୍ଟିମିଟର ପର୍ଯ୍ୟନ୍ତ ବର୍ଷା ହୋଇପାରେ । ସେହିପରି ମୟୂରଭଂଜ, ପୁରୀ, ଖୋର୍ଦ୍ଧା, ସୁନ୍ଦରଗଡ, ନୟାଗଡ, ବୌଦ୍ଧ, ସୋନପୁର, ବଲାଙ୍ଗୀର, ନୂଆପଡା, ମାଲକାନଗିରି, କୋରାପୁଟ, ନବରଙ୍ଗପୁର, ବାଲେଶ୍ୱର, ଯାଜପୁର, ଝାରସୁଗୁଡା ଜିଲ୍ଲାରୁ ପ୍ରବଳ ବର୍ଷା ନେଇ ଜାରି ହୋଇଛି ୟେଲୋ ୱାର୍ଣ୍ଣିଂ ।

## ରାଜ୍ୟରେ ବଢୁଛି ଶିଳ୍ପାନୁଷ୍ଠାନ ସଂସ୍ଥା: ନିଯୁକ୍ତି ପାଇବେ ୫ ଲକ୍ଷରୁ ଅଧିକ ଶିଳ୍ପ ମନ୍ତ୍ରୀଙ୍କ ବୟାନ



ଭୁବନେଶ୍ୱର,୨୬।୭(ପି.ଏନ): ରାଜ୍ୟରେ ଶିଳ୍ପ ସଂସ୍ଥା ଗୁଡିକ ଦ୍ରୁତ ଗତିରେ ଅଗ୍ରଗତି କରିବାରେ ଲାଗିଛି । ଆଗାମୀ ଦିନ ଗୁଡିକରେ ଅଧିକ ନିଯୁକ୍ତି ସୃଷ୍ଟି କରିବ ଶିଳ୍ପାନୁଷ୍ଠାନ । ଏନେଇ ନେଇ ବଡ ବୟାନ ଦେଇଛନ୍ତି ଶିଳ୍ପ ମନ୍ତ୍ରୀ ସମ୍ପଦ ସ୍ୱାଇଁ ।ସେ କହିଛନ୍ତି ଆଗାମୀ ଦିନ ଗୁଡିକରେ ପାଖାପାଖି ୫ ଲକ୍ଷ ୭ ହଜାର ୩୦୩ ନିଯୁକ୍ତି ସୁଯୋଗ ସୃଷ୍ଟି କରାଯିବ ।ଏଥିପାଇଁ ୫୧୨ ସଂସ୍ଥାରୁ ୩୦ ସଂସ୍ଥା ଆଂଶିକ ଓ ପୂର୍ଣ୍ଣ କାର୍ଯ୍ୟକ୍ଷମ ହୋଇଯାଇଛି । ଯାହାକି ୧୯,୫୨୮.୬ କୋଟି ପୁଞ୍ଜି ନିବେଶ କରିବା ସହ ୨୦ ହଜାର ୨୫୧ ନିଯୁକ୍ତି ସୁଯୋଗ ସୃଷ୍ଟି କରିବ ବୋଲି ମନ୍ତ୍ରୀ ପ୍ରକାଶ କରିଛନ୍ତି । ଗତ ପାଞ୍ଚ ବର୍ଷ ମଧ୍ୟରେ ୫୧୨ଟି ବୃହତ ଶିଳ୍ପ ସଂସ୍ଥାକୁ ଅନୁମୋଦନ ମିଳିଛି । ଏଥିପାଇଁ ୧୧ ଲକ୍ଷ ୮୫ ହଜାର ୨୪୦ କୋଟି ପୁଞ୍ଜି ନିବେଶ ମଧ୍ୟ ହୋଇଛି ।ସେହିପରି ଶିଳ୍ପ ମନ୍ତ୍ରୀ ସମ୍ପଦ ସ୍ୱାଇଁ କହିଛନ୍ତି ଗତ ପାଞ୍ଚ ବର୍ଷରେ ୨୩୫ଟି ଶିଳ୍ପ ସଂସ୍ଥା ୬୮୪୮ ଏକର ଜମି ଇଡ଼କୋ ମାଧ୍ୟମରେ ନେଇଛନ୍ତି । ବେସରକାରୀ ଜମି ୧୮୦.୯୭ ଏକର ଜମି ପାଇଛନ୍ତି । ଆଗାମୀ ଦିନରେ ଶିଳ୍ପ ସଂସ୍ଥାକୁ ଆହୁରି ବଢିବାରେ ସାହାର୍ଯ୍ୟ କରିବ ବୋଲି ଶିଳ୍ପମନ୍ତ୍ର ପ୍ରକାଶଷ କରିଛନ୍ତି ।

## ଆଶ୍ରମ ସ୍କୁଲ ଛାତ୍ରୀ ଚାନ୍ଦିନୀ ମୃତ୍ୟୁ ଘଟଣା: ତଦନ୍ତ ପାଇଁ ନିର୍ଦ୍ଦେଶ ଦେଲେ ରାଜ୍ୟପାଳ



ରାଇରଙ୍ଗପୁର,୨୬।୭(ପି.ଏନ): ବିଳମ୍ବ ହେଉ ପଛେ ଚାନ୍ଦିନୀକୁ ମିଳିବ ନ୍ୟାୟ । ରାଜ୍ୟପାଳ ତଦନ୍ତ ପାଇଁ ନିର୍ଦ୍ଦେଶ ଦେଲେ ଏସଏସଡିଙ୍କୁ । କିଏ ବା ଭୁଲି ପାରିବ ସେହିଦିନକୁ ଶୋକସଭାରେ ଭସାଇ ଦେଇ ଚାଲି ଯାଇଥିଲା ସେହି ୧୨ ବର୍ଷର କୁନି ଝିଅ ଚାନ୍ଦିନୀ । ଯିଏ ସମସ୍ତଙ୍କୁ ଛାଡି ଚାଲି ଯାଇଥିଲା ଆରପାରିକୁ,କିନ୍ତୁ କିଏ ବା ଅଟକାଇ ପାରିବ ବିଧାତାର ବିଧିକୁ । ଏପ୍ରିଲ ମାସ ୨୬ ତାରିଖ ୨୦୨୪ ପାଖାପାଖି ଅର୍ଦ୍ଧ ରାତ୍ରିରେ ହଠାତ ଗୋଟିଏ କାର ଆସି ପହଞ୍ଚିଥିଲା ମାନବିର ଆଶ୍ରମ ସ୍କୁଲ୍ ଫାଟକ ସମ୍ମୁଖରେ । ଗ୍ରାମର ଲୋକେ କାର ପାଖକୁ ଯାଇ ଦେଖନ୍ତି ତୋ କାରର ଡିକିରେ ରଖା ହୋଇଛି ଗୋଟିଏ କୁନି ଝିଅର ଶବ । ସମସ୍ତେ ଦେଖିଲା ବେଳକୁ ସେ ଆଉ କେହି ନୁହନ୍ତି ସେ ହେଉଛନ୍ତି କଟକ ବଡ଼ଡାକ୍ତରଖାନାରେ ଚିକିତ୍ସାଧିନ ଅବସ୍ଥାରେ ମୃତ୍ୟୁ ବରଣ କରିଥିବା ଆଦିବାସୀ ଅଧ୍ୟୁଷିତ ମୟୂରଭଞ୍ଜ ଜିଲ୍ଲା ଜାମଦା ଥାନା ଅନ୍ତର୍ଗତ ସାନ କୁଲେଇବିରା ଗ୍ରାମର ବେବର୍ତ୍ତା ଅଲ୍ଡାଙ୍କ ଛୋଟ ଝିଅ ଚାନ୍ଦିନୀ, ଯିଏ ମାନବିର ଆଶ୍ରମ ବିଦ୍ୟାଳୟରେ ସପ୍ତମ ସପ୍ତମ ଶ୍ରେଣୀରେ ପାଠ ପଢୁଥିଲା ।ତେବେ ସେଦିନ ସେ କୁନି ଝିଅଟି ଆରପାରିକୁ ଯିବାରେ ପରିବାର ଏବଂ ଗ୍ରାମବାସୀଙ୍କୁ ଯେତିକି ଦୁଃଖ ଲାଗି ନଥିଲା ତା ଠାରୁ ଅଧିକ ଦୁଃଖ ଲାଗି ଥିଲା ତାକୁ ବିଦ୍ୟାଳୟ କର୍ତ୍ତୃପକ୍ଷମାନେ ଅମାନବୀୟ ଭାବେ ଡ଼ିକିରେ ନେଇ ଆସିବା । ଏହି ସମୟରେ ଫାଟକ ସମ୍ମୁଖରେ ପରିବାର ଏବଂ ଗ୍ରାମବାସୀଙ୍କ ପାଖରେ ଜନଆକ୍ରୋଶ ଦେଖାଦେଇଥିଲା । ପରବର୍ତ୍ତୀ ସମୟରେ ବୁଝା ସୁଝା କରିବା ପରେ ପରିବାର ଲୋକେ ଶବଟିକୁ ଘରକୁ ନେଇ ଯାଇଥିଲେ ସତ କିନ୍ତୁ ଚାନ୍ଦିନୀଙ୍କ ବଡ଼ ଭଉଣୀ ଲକ୍ଷ୍ମୀ ଆଲ୍ଡା ଏହାକୁ ସହଜରେ ଗ୍ରହଣ କରି ପାରିନଥିଲେ । ନ୍ୟାୟ ପାଇବା ଆଶାରେ ସେମାନେ ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ପୁଲିସ ମହାନିର୍ଦ୍ଦେଶକ, ଓଡ଼ିଶା ମାନବ ଅଧିକାର ଆୟୋଗ, ଜିଲ୍ଲାପାଳଙ୍କୁ ଲିଖିତ ଅଭିଯୋଗ କରିଥିଲେ ।ବର୍ତ୍ତମାନ ପରିବାର ମଧ୍ୟରେ ନ୍ୟାୟ ପାଇପାରିବେ ବୋଲି ଏକ ପ୍ରକାର ଆଶାର ସଂଚାର ଆସିଛି ବୋଲି କହିଛନ୍ତି । କାରଣ କିଛି ଦିନ ପୂର୍ବରୁ ରାଜ୍ୟପାଳ ଏସଏସଡିଙ୍କୁ ଉକ୍ତ ଘଟଣାର ତଦନ୍ତ ପାଇଁ ନିର୍ଦ୍ଦେଶ ଦେଇଛନ୍ତି ଏବଂ ପୁଲିସ ଅଧିକାରୀମାନେ ତାଙ୍କ ଘରକୁ ଯାଇ ତଦନ୍ତ କରିଥିବା ନେଇ ସୂଚନା ପ୍ରଦାନ କରିଛନ୍ତି ଚାନ୍ଦିନୀଙ୍କ ବଡ଼ ଭଉଣୀ ଲକ୍ଷ୍ମୀ । ତେବେ ସମସ୍ତ ଖବର ସମ୍ବାଦରେ ପ୍ରକାଶ କରିଥିବାରୁ ରାଜ୍ୟ ସରକାର ଗଠନ ହୋଇ ମାତ୍ର କେଇଟା ଦିନ ଭିତରେ ଗରିବଙ୍କ ନ୍ୟାୟ ପାଇଁ ପଦକ୍ଷେପ ନେଇଥିବାରୁ ସରକାରଙ୍କୁ ମଧ୍ୟ ଧନ୍ୟବାଦ୍ ଜଣାଇଛନ୍ତି । ତେବେ ଦେଖିବାକୁ ବାକି ରହିଲା ତଦନ୍ତକାରୀ ଏସଏସଡି କେତେ କେବେ ଚାନ୍ଦିନୀଙ୍କୁ ନ୍ୟାୟ ଦେବାରେ ସଫଳ ହେଉଛନ୍ତି ଏହାରି ଉପରେ ପରିବାର, ଅଞ୍ଚଳ ବାସୀ, ତଥା ଓଡ଼ିଶା ବାସୀଙ୍କ ଅପେକ୍ଷା ରହିଛି ଚାନ୍ଦନୀକୁ କେବେ ମିଳିବ ନ୍ୟାୟ ?

## ଅନୁଗୁଳରୁ ଆସିଲା ହୃଦୟବିଦାରକ ଖବର, ଚାଷୀଙ୍କ ବଳଦ ନେଇଗଲେ ଦୁର୍ବୃତ୍ତ, ଗୁହାଳକୁ ଚାହିଁ କାନ୍ଦୁଛନ୍ତି ମା

ଅନୁଗୁଳ,୨୬।୭(ପି.ଏନ): ଆଖିରୁ ବହି ଯାଉଛି ଧାର ଧାର ଲୁହ । ବିକଳ ହେଇ ଭଙ୍ଗ ଚାଳିଆକୁ ଚାହିଁ କାନ୍ଦୁଛନ୍ତି ମାଆ-ପୁଅ । ଦୁଇ ଦିନ ହେଲା ଘରେ ଚୁଲି ବି ଜଳିନି । ତଥାପି କାହାକୁ ଭୋକ ଶୋଷ ହେଉନି । ଆପଣ ହୁଏତ ଏ ଦୃଶ୍ୟକୁ ଦେଖିବା ପରେ ଭାବୁଥିବେ ଏ ଦୁଇ ଜଣ ବନ୍ଧ ଉପରେ ବସି କାହିଁକି ସେ ଭଙ୍ଗା ଚାଳିଆକୁ ଚାହିଁ କାନ୍ଦୁଛନ୍ତି । ଏ ହେଉଛନ୍ତି ଅନୁଗୁଳ ଜିଲ୍ଲା ପୁରୁଣାକୋଟ ଥାନା ସରଧାପୁର ଗାଁର ଭାରତୀ ପ୍ରଧାନ ଓ ତାଙ୍କ ପୁଅ ସାଗର ପ୍ରଧାନ ।ସୂଚନାଅନୁସାରେ ଗତ ବୁଧବାର ଦିନଠୁ ସେ ଚାଷ କରୁଥିବା ତାଙ୍କର ବଳଦ ଦୁଇଟି ଗୁହାଳ ଘରୁ ଚୋରି ହୋଇଯାଇଛି । ଗାଁ ସାରା ଲୋକେ ବିଲରେ ଚାଷ କରିବାରେ ବ୍ୟସ୍ତ ଥିବା ବେଳେ ଏମାନଙ୍କ ବିଲ କିନ୍ତୁ ପଡିଆ ପଡିଛି । ଆଉ ଏପଟେ ମନରେ ଚାଲୁଛି ଅନେକ ଚିନ୍ତା କେମିତି କରଜ ଶୁଝିବେ, କଣ ଖାଇବେ ଏମିତି ଅନେକ କଥା । ସେଥି ପାଇଁ ତ ଏମିତି ଗୁହାଳକୁ ଚାହିଁ ସବୁ ମନେ ପକାଇ କାନ୍ଦିବାରେ ଲାଗିଛନ୍ତି ଆଉ ଚାତକ ପରି ଗୁହାଳକୁ ଅନାଇ ବସିଛନ୍ତି ।କାରଣ ଏହି ଚାଷୀ ପରିବାର ର ସମ୍ପତ୍ତି କହିଲେ ଏହି ବଳଦ ଦୁଇଟି ଛଡା କିଛି ନାହିଁ । ଏପଟେ ତାଙ୍କ ସ୍ୱାମୀ ଦିନ ରାତି ଏକ କରି ଯେତେ ଖୋଜ ଖୋଜି କଲେ ବି ବଳଦ ଦୁଇଟିର ମିଳୁନି କୌଣସି ସନ୍ଧାନ । ଏମାନଙ୍କ ଲୁହ ଦେଖିଲେ ସ୍ପଷ୍ଟ ଜଣା ପଡୁଛି ଯେ ଜଣେ ଚାଷୀ ବଳଦ ଓ ଚାଷକୁ କେତେ ଭଲ ପାଏ । ତାଙ୍କ ଅନାବିଳ ପ୍ରେମର ଏ ହେଉଛି ଜ୍ୱଳନ୍ତ ଉଦାହରଣ ।








## ଟି ଟାଇମ୍

## ଶହେ ବର୍ଷ ପରେ କନ୍ୟା ସନ୍ତାନ



ଇଂଲଣ୍ଡର ସିଲଭରଟନ ପରିବାରରେ ଦୀର୍ଘ ଶହେ ବର୍ଷ ପରେ ଏକ କନ୍ୟା ସନ୍ତାନ ଜନ୍ମ ହୋଇଛି । ଗତ ଚାରି ପିଢ଼ି ଧରି ଏହି ପରିବାରରେ କେବଳ ପୁତ୍ର ସନ୍ତାନ ଜନ୍ମ ହେଉଥିଲେ । ଉକ୍ତ ପରିବାରରେ ୧୯୧୩ଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ୧୬ଟି ପୁଅ ଜନ୍ମ ହୋଇଛନ୍ତି । ଦୀର୍ଘ ଦିନ ଧରି ଏହି ପରିବାର କନ୍ୟା ସନ୍ତାନକୁ ଅପେକ୍ଷା କରି ରହିଥିଲେ । ଏହା ପୂର୍ବରୁ ଉକ୍ତ ପରିବାରରେ ୧୦୧ ବର୍ଷ ତଳେ ଝିଅ ଜନ୍ମ ହୋଇଥିଲା ।

## ଟର୍ମିନେଟର୍ ବ୍ୟକ୍ତି



ନିଜେଲ ଆର୍କଲ୍ୟାଣ୍ଡ। ତାଙ୍କ ବୟସ ୫୩ ବର୍ଷ। ସେ ନିଜକୁ ପ୍ରସିଦ୍ଧ ହଲିଉଡ୍ ଫିଲ୍ମ ଟର୍ମିନେଟର୍ ଆର୍ନଲ୍ଡ ଶ୍ୱାଜର୍ଣ୍ଣେଗର ଭାବୁଛନ୍ତି। ଏହାର କାରଣ ସେ ନିଜ ହାତରେ ଏକ ବାୟୋଇଲେକ୍ଟ୍ରିକ୍ ପ୍ରୋସ୍ଥେଟିକ୍ ଆର୍ମ ଲଗାଇଛନ୍ତି। ହାର୍ଟ ଫୋର୍ଡଶାୟର୍‌ରେ ବାସ କରୁଥିବା ନିଜେଲ୍ କାରଖାନାରେ ହୋଇଥିବା ଏକ ଦୁର୍ଘଟଣାରେ ନିଜ ହାତ ହରାଇ ବସିଥିଲେ। ତେଣୁ ସେ ଏବେ ଗୋଟିଏ ପ୍ରୋସ୍ଥେଟିକ୍ ହାତ ଲଗାଇଥିବା ଜଣାପଡିଛି। 'ବେବୋନିକ୍ ୩' ବର୍ତ୍ତମାନର ସବୁଠାରୁ ଭଲ ବାୟୋଇଲେକ୍ଟ୍ରିକ୍ ହାତ। ଏହି ପ୍ରୋସ୍ଥେଟିକ୍ ଆର୍ମ ବ୍ୟକ୍ତିଙ୍କ ମାଂସପେଶୀରୁ ମିଳୁଥିବା ସଂକେତକୁ ଗ୍ରହଣ କରିଥାଏ। ଏହାର ଆଧାରରେ ଏହି ହାତ ତୁରନ୍ତ କାମ କରିବା ଆରମ୍ଭ କରିଥାଏ ଏବଂ ଯେକୌଣସି କାମକୁ ସଠିକ୍ ପରିଣାମ ଦେଇଥାଏ। ଏହି କୃତ୍ରିମ ହାତ ଏତେ ପ୍ରଭାବିତ ଯେ, ଏହା ସାହାଯ୍ୟରେ ଭଲ ହ୍ୟାଣ୍ଡ ରାଇଟିଂରେ ମଧ୍ୟ ଆପଣ ଲେଖିପାରିବେ। 'ବେବୋନିକ୍-୩'ରେ ୧୪ ପ୍ରକାରର ହ୍ୟାଣ୍ଡ ପୋଜିସନ୍ ଏବଂ ଗ୍ରିପ୍ ରହିଛି। ଏହି ହାତକୁ ପିନ୍ଧିଥିବା ବ୍ୟକ୍ତି ସେହି ସବୁ କାମ କରିପାରିବେ, ଯାହା ଜଣେ ସାଧାରଣ ବ୍ୟକ୍ତି କରିପାରେ। ଏହି କୃତ୍ରିମ ହାତଟିକୁ କାର୍ବନ୍ ଫାଇବର୍‌ରେ ତିଆରି କରାଯାଇଛି। ଏହି କୃତ୍ରିମ ହାତ ସହିତ ଗୋଟିଏ ତ୍ୱଚା ରଙ୍ଗର ଗ୍ଲୋବ୍‌ସ ମଧ୍ୟ ଦିଆଯାଇଥାଏ, ଯାହାକୁ ପିନ୍ଧିବା ଦ୍ୱାରା ଏହା ପୁରାପୁରି ଅସଲି ହାତ ଭଳି ଲାଗିବ। ହଲିଉଡ୍ ଫିଲ୍ମ ଟର୍ମିନେଟ୍‌ରେ ଆର୍ଣ୍ଣଲ୍ଡ ମଧ୍ୟ କୃତ୍ରିମ ହାତର ପ୍ରୟୋଗ କରିଥିଲେ, ତେଣୁ ନିଜେଲ୍ ମଧ୍ୟ ଏବେ ସେହି ଫିଲ୍ମରୁ ପ୍ରଭାବିତ ହୋଇ ନିଜକୁ ଟର୍ମିନେଟ୍‌ର ବ୍ୟକ୍ତି ବୋଲି କହୁଥିବା ଜଣାପଡିଛି।

## ଚର୍ଚ୍ଚାରେ 'ହରାମ୍‌ଖୋର'



ନୱାଜଉଦ୍ଦିନ ସିଦ୍ଦିକି ଓ ଶ୍ୱେତା ତ୍ରିପାଠୀଙ୍କ ଅଭିନୀତ ଫିଲ୍ମ 'ହରାମ୍‌ଖୋର'ର ଟ୍ରେଲର ରିଲିଜ କରାଯାଇଛି। ପୂର୍ବରୁ ଫିଲ୍ମକୁ ନେଇ କିଛି ସମସ୍ୟା ଦେଖାଦେଇଥିଲା। ମାତ୍ର ଫିଲ୍ମଟି ସମାଜକୁ ଏକ ସୁନ୍ଦର ବାର୍ତ୍ତା ପ୍ରଦାନ କରୁଥିବାରୁ ଏହାର ବ୍ୟାନକୁ ହଟାଇଦିଆଯାଇଛି। ଗୁଜୁରାଟର ଏକ ଛୋଟ ଗାଁରେ ସୁଟିଂ କରାଯାଇଛି ସମ୍ପୂର୍ଣ୍ଣ ଫିଲ୍ମ। ଶ୍ଲୋକ ଶର୍ମାଙ୍କ ନିର୍ଦ୍ଦେଶନାରେ ମାତ୍ର ୧୬ଦିନରେ ଶେଷ ହୋଇଛି ପୂରା ଫିଲ୍ମର ସୁଟିଂ। ଫିଲ୍ମର କାହାଣୀରେ ଜଣେ ୧୪ବର୍ଷର ଝିଅର ନିଜ ପ୍ରଫେସରଙ୍କ ସହ ପ୍ରେମକାହାଣୀକୁ ଦର୍ଶାଯାଇଛି। ନିଛକ ଗାଁର ଛବି ଓ ଏହାର ସଙ୍ଗୀତ ଟ୍ରେଲରଟିକୁ ଅଧିକ ଆକର୍ଷଣୀୟ କରିଛି।

## ପୁରାଣ କାହାଣୀ

# ମୂଷାଙ୍କ ମନ୍ଦିର



ଭାରତର ରାଜସ୍ଥାନରେ ବିଭିନ୍ନ ପ୍ରକାର ଲୋକ ଦେଖିବାକୁ ମିଳୁଥିବା ବେଳେ ସେମାନଙ୍କର ପରମ୍ପରା ମଧ୍ୟ ଅଲଗା ପ୍ରକାରର ହୋଇଥାଏ । ଥାର ମରୁଭୂମି ନିକଟରେ ଦେଶନୋକେ ନାମକ ଏକ ଛୋଟ ସହର ରହିଛି । ଯେଉଁଠାରେ କରଣୀ ମାତା ମନ୍ଦିର ରହିଛି । ଏହି ମନ୍ଦିର ସେଠାରେ ଥିବା ଅନ୍ୟ ହିନ୍ଦୁ ମନ୍ଦିର ମଧ୍ୟରୁ ଗୋଟିଏ । କରଣୀ ମନ୍ଦିରକୁ ନେଇ ଲୋକମାନଙ୍କ ମନରେ ଅନେକ ଆଧ୍ୟାତ୍ମିକ ଭାବନା ରହିଛି । ମନ୍ଦିରରେ କରଣୀ ମାତାଙ୍କୁ ପୂଜା କରିବା ସହିତ ସେଠାରେ ମୂଷାମାନଙ୍କୁ ମଧ୍ୟ ପୂଜା କରାଯାଏ । ଆଶ୍ଚର୍ଯ୍ୟର କଥା ସେଠାରେ ଗୋଟିଏ ଦୁଇଟି ମୂଷା ନୁହେଁ ବରଂ ପାଖାପାଖି ୨୦ହଜାର ମୂଷା ରହନ୍ତି ସେହି ମନ୍ଦିରରେ । ସେଠାକାର ମୂଷାମାନେ କବାସ୍ ନାମରେ ପରିଚିତ। ଲୋକକଥା ଓ ପରମ୍ପରା ଅନୁସାରେ, ମୂଷାମାନଙ୍କୁ ନେଇ ଦୁଇଟି କାହାଣୀ ରହିଛି । କୁହାଯାଏ ସେଠାରେ ଜନ୍ମ ହୋଇଥିବା ସବୁ ଶିଶୁ ମୂଷା ହୋଇ ଜନ୍ମ ନେଲେ। ଦ୍ୱିତୀୟତଃ ୨୦ହଜାର ମୂଷାଙ୍କୁ ସୈନିକ ସଦୃଶ ନିୟୋଜିତ କରାଯାଇଥିଲା।

# ମା' କ୍ଷୀର ପରି ଉପକାରୀ ନଡ଼ିଆ ରସ



ଶିଶୁଟି ପାଇଁ ମା'ର କ୍ଷୀର ସ୍ୱାସ୍ଥ୍ୟକର ଏବଂ ଲାଭଦାୟକ ମଧ୍ୟ । କିନ୍ତୁ ନିକଟରେ କରାଯାଇଥିବା ଏକ ରିସର୍ଚ୍ଚରୁ ଜଣାଯାଇଛି ଯେ, ମା'ର କ୍ଷୀର ଭଳି ନଡ଼ିଆ କ୍ଷୀରରେ ମଧ୍ୟ ଅନୁରୂପ ତତ୍ତ୍ୱ ରହିଛି ଯାହା ଛୋଟ ଶିଶୁମାନଙ୍କ ପାଇଁ ଉପାଦେୟ । ଏପରି ମତ ପ୍ରକାଶ କରିଛି ନଡ଼ିଆ ବିକାଶ ବୋର୍ଡ । ନଡ଼ିଆ ରସକୁ ବ୍ୟବହାର କରି ଖାଦ୍ୟ ପ୍ରସ୍ତୁତ କରାଯାଇପାରିବ । ନଡ଼ିଆ ବିକାଶ ବୋର୍ଡର ଅଧକ୍ଷ ଟି.କେ. ଯୋଶ କହିଛନ୍ତି ପଶୁମାନଙ୍କର ଦୁଧରେ ଲାକ୍ଟୋଜ(ଏକ ପ୍ରକାରର ଶର୍କରା) ରହିଛି । କିନ୍ତୁ ନଡ଼ିଆ କ୍ଷୀରରେ ଲାକ୍ଟୋଜ ନଥାଏ । ମାଲେସିୟା, ଥାଇଲ୍ୟାଣ୍ଡ, ଶ୍ରୀଲଙ୍କା ଏବଂ ଭିଏତ୍‌ନାମା ଭଳି ଦେଶରେ ଶିଶୁମାନଙ୍କୁ ମା'ର ଦୁଧ ନ ମିଳିପାରିବା ସ୍ଥିତିରେ ଗାଈ ଦୁଧର ବ୍ୟବହାର ଅଧିକ ହୋଇଥାଏ । ନଡ଼ିଆ କ୍ଷୀରକୁ ପ୍ରାକୃତିକ ସ୍ୱାସ୍ଥ୍ୟ ରୂପରେ ମାନ୍ୟତା ମିଳିଛି । ରନ୍ଧା ହୋଇଥିବା ନଡ଼ିଆ କୋରାରୁ ନଡ଼ିଆ କ୍ଷୀର ବାହାର କରାଯାଇଥାଏ । କେତେକ ଦେଶରେ ନଡ଼ିଆ କ୍ଷୀରକୁ ନଡ଼ିଆ ରସ ବୋଲି ମଧ୍ୟ କୁହାଯାଇଥାଏ । ନଡ଼ିଆ ବିକାଶ ବୋର୍ଡର ଅଧିକାରୀ ଏନି ଇୟାପେନ ଏବଂ ଅନିତା ଜାୟ କହିଛନ୍ତି ନଡ଼ିଆ ରସରେ କୋଲେଷ୍ଟ୍ରଲ ନାହିଁ । କିନ୍ତୁ କାର୍ବୋହାଇଡ୍ରେଣ୍ଟ ୧୫ରୁ ୧୬ପ୍ରତିଶତଃ ପର୍ଯ୍ୟନ୍ତ ରହିଛି ।

# କୁକୁରଙ୍କୁ ଅପମାନିତ କଲେ ଜେଲ



ଥାଇଲ୍ୟାଣ୍ଡରେ ରାଜକୀୟା ନିନ୍ଦାକୁ ନେଇଁ ସେଠାରେ ଭିନ୍ନ ଭିନ୍ନ କଠୋର ଦଣ୍ଡର ବ୍ୟବସ୍ଥା ରହିଥିବାର ଦେଖିବାକୁ ମିଳିଥାଏ । ବର୍ତ୍ତମାନ ଏକ ରାଜବଂଶର ଅପମାନକୁ ନେଇଁ ଜଣେ ବ୍ୟକ୍ତିଙ୍କୁ ଜେଲ୍ ହୋଇଗଲା କାରଣ ସେ ରାଜାଙ୍କ କୁକୁରକୁ ଅପମାନି ତ କରିଥିଲେ । ଓକିଲ ପାବିନି ଚମଶ୍ରୀଙ୍କ ମତରେ ୨୭ବର୍ଷୀୟ ଥନାକୋର୍ଣ୍ଣ ସିରିପାଇବୁନ୍ ନାମକ ଜଣେ ବ୍ୟକ୍ତି ସୋସିଆଲ୍ ସାଇଟ୍ ଫେସ୍‌ବୁକ୍‌ରେ ରାଜା ଏବଂ ତାଙ୍କର କୁକୁରକୁ ନେଇଁ ଏକ ବ୍ୟଙ୍ଗାତ୍ମକ ଟିପ୍ପଣୀ ଦେଇଥିଲେ । ଫେସ୍‌ବୁକ୍‌ରେ ଛଅ ଡିସେମ୍ବରକୁ ପୋଷ୍ଟ କରାଯାଇଥିଲା ସର୍ବମୋଟ ତିନୋଟି ଫଟୋ । ଏହି ଅପଲୋଡ୍ କରାଯାଇଥିବା ଫଟୋ ମଧ୍ୟରେ ରାଜାଙ୍କର କୁକୁର ଉପରେ ବ୍ୟଙ୍ଗ କରାଯାଇଥିଲା । ଏହାପରେ ପୋଲିସ ବ୍ୟଙ୍ଗ ଟିପ୍ପଣି ଦେଇଥିବା ଉକ୍ତ ବ୍ୟକ୍ତି ଜଣଙ୍କୁ ଗିରଫ କରେଇନେଇଥିଲା । ଫେସ୍‌ବୁକ୍‌ରେ ରାଜାଙ୍କର ପରିହାସ କରିଥିବା ଫଟୋକୁ ଲାଇକ୍ କରିବା ଏବଂ ତାକୁ ସେୟାର କରିବା ଓ ଭ୍ରଷ୍ଟାଚର ବଢେଇବା ମାମଲାରେ ଏକ ଇନ୍‌ଫୋଗ୍ରାଫ ସେୟାର କରିବା ମାମଲାରେ ରାଜଦ୍ରୋହି, ରାଜ ନିନ୍ଦା ଏବଂ କମ୍ପୁଟର ଅପରାଧର ମାମଲା ବି ଦାଖଲ କରାଯାଇଛି । ଏହି ମାମଲାରେ ୩୭ବର୍ଷ ପର୍ଯ୍ୟନ୍ତ ଜେଲ ହୋଇପାରେ । ଥାଇଲ୍ୟାଣ୍ଡ ସେହି ଦେଶମାନଙ୍କ ମଧ୍ୟରେ ଗଣାଯାଏ ଯେଉଁଠାରେ ରାଜ ନିନ୍ଦାକୁ ନେଇ ଆଇନ ଲାଗୁ ହୋଇଥାଏ । ରାଜା, ରାଣୀ କିମ୍ବା ତାଙ୍କର କୌଣସି ରାଜକୀୟ ମାମଲାକୁ ନେଇଁ ପ୍ରତ୍ୟେକ ମମଲାର ଦୋଷୀମାନଙ୍କୁ ୧୫ବର୍ଷର ଜେଲ୍ ଦଣ୍ଡ ଦେଶ ହେବାର ନିୟମ ରହିଥାଏ ।

# ଦୃଷ୍ଟିହୀନଙ୍କର ଆଶା ବାଡ଼ି




ଦେଖିବାରେ ଅସମର୍ଥ ଲୋକମାନଙ୍କ ପାଇଁ ଏକ ଭଲ ଖବର । ଏବେ ତୁରନ୍ତ ତାଙ୍କ ସମସ୍ୟାର ସମାଧାନ ହୋଇଯିବ । ବ୍ରିଟିଶ ବୈଜ୍ଞାନିକମାନେ ଏପରି ଏକ ଚଷମା ପ୍ରସ୍ତୁତ କରିଛନ୍ତି, ଯାହାକୁ ପରିଧାନ କରିବା ପରେ ଠିକ୍ ଭାବରେ ଦେଖାଯାଉନଥିବା ଜିନିଷ ଦେଖାଯାଇଥାଏ। ଏହି ଖାସ ଚଷମାଜକୁ ବିକସିତ କରୁଥିବା ବୈଜ୍ଞାନିକମାନେ କୁହନ୍ତି, ଏଥିରେ ଏକ ସୁକ୍ଷ୍ମ କ୍ୟାମେରା ଲାଗାଯାଇଛି, ଯାହା ସମସ୍ତ ଜିନିଷକୁ ଚିହ୍ନିପାରେ । ଯେପରି ଫ୍ରିଜ ଭିତରେ ରହିଥିବା ଜିନିଷ, ଦୋକାନରେ ରହିଥିବା ଦ୍ରବ୍ୟ ଇତ୍ୟାଦି। ଏହି କ୍ୟାମେରା ଥରେ ଗୋଟିଏ ଜିନିଷକୁ ଦେଖିବା ପରେ ତାକୁ ସେ ଧ୍ୱନୀ ସଂକେତରେ ବଦଳି ଦେଇଥାଏ । ଯାହାଦ୍ୱାରା ଚଷମା ପିନ୍ଧୁଥିବା ବ୍ୟକ୍ତି ମୋବାଇଲ୍ ଆପ୍ଲିକେଶନ ଏବଂ ଇୟରପିସ୍‌ର ସାହାଯ୍ୟରେ ଶୁଣିପାରେ । ଏହି ଚଷମା ଏତେ କାର୍ଯ୍ୟକାରୀ ଯେ, ଏହାକୁ ବ୍ୟବହାର କରୁଥିବା ବ୍ୟକ୍ତିମାନେ ସାମାନ୍ୟ ବହି ପଢିପାରିବେ । ଯଦି ଅକ୍ଷରଗୁଡ଼ିକ ଅତି ଛୋଟ ରହିଥାଏ ତେବେ ଏହି କ୍ୟାମେରାକୁ ଜୁମ୍ ଇନ୍ ବି କରାଯାଇପାରିବ । ବୈଜ୍ଞାନିକଙ୍କ କହିବାନୁସାରେ ଚଷମାରେ ଚେହେରାକୁ ଚିହ୍ନିବା ପାଇଁ ସଫ୍ଟୱେର ଲଗାଯାଇଛି । ଚଷମା ସମ୍ମୁଖକୁ ଆସୁଥିବା ସବୁ ଜିନିଷ କିମ୍ବା ବ୍ୟକ୍ତି ବିଶେଷ କିଏ ଓ ପୂର୍ବରୁ ତାଙ୍କ ସହିତ କେବେ ଦେଖା ହୋଇଥିଲା ଆଦି ସୂଚନା ଦେଇଥାଏ ଏହି ଚଷମା। ଦୃଷ୍ଟିଶକ୍ତି ଦୁର୍ବଳ ଥିବା ଲୋକମାନଙ୍କ ପାଇଁ ଏହା ବରଦାନ ସଦୃଶ। ବୈଜ୍ଞାନିକମାନଙ୍କର ଅନୁମାନ ରହିଛି କି ପାଖାପାଖି ଏକ ବର୍ଷ ପରେ ଏହି ଚଷମା ବଜାରରେ ଉପଲବ୍ଧ ହେବ ।

# ଥରକେ ୧୦୦



ଚୀନ ଏବଂ ଜାପାନରେ ନିୟମିତ ରୂପେ କିଛି ନା କିଛି ଭିନ୍ନ କାରନାମା ଦେଖିବାକୁ ମିଳିଥାଏ । କିଛି ଦିନ ପୂର୍ବରୁ ଜାପାନର ଜଣେ ଯୁବତୀ ଏକ ନୂତନ କାରନାମା କରି ଚର୍ଚ୍ଚାର ପରିସରକୁ ଆସିଥିଲେ । ତାଙ୍କର ନାମ ଦିଆଯାଇଥିଲା 'ଚିଲି କିଙ୍ଗ'। କାହିଁକି ନା ଚିଲି କିଙ୍ଗ ଜଳଖିଆରେ ଖାଇଥାନ୍ତି ଅଢ଼େଇ କିଲୋ ଲଙ୍କା । ଏବେ ଆଉ ଜଣେ ଜାପାନୀ ଝିଅ ୟୁକୋ କିନୋସିତା ଥରକେ ୧୦୦ଟି ବ୍ରେଡ୍ ଖାଇ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ନିଜର ଏପରି ଖାଦ୍ୟକୁ ନେଇ ସେ ଏକ ଭିଡ଼ିଓ ପ୍ରସ୍ତୁତ କରିଥିଲେ ଯାହାକୁ ସେ ୟୁ ଟ୍ୟୁବ୍‌ରେ ଅପଲୋଡ଼ କରିଥିଲେ । ବ୍ରେଡ୍ ଚ୍ୟାଲେଞ୍ଜର ନାମକ ଏହି ଭିଡିଓଟି ହେଉଛି ୬ମିନିଟ୍‌ର ଯାହା ଆଜି ପର୍ଯ୍ୟନ୍ତ ୨୦୦,୦୦୦ଥର ଦେଖାସରିଲାଣି । ଏହି ଭିଡିଓରେ ବ୍ରେଡର ୧୦ପ୍ୟାକେଟ୍ ରଖାଯାଇଥିଲା । ପ୍ରତି ପ୍ୟାକେଟ୍‌ରେ ୧୦ଟି ଲେଖାଏ ସ୍ଲାଇସ୍ ରହିଥାଏ। ଯାହାକୁ ୟୁକା ଥରକେ ଖାଇଦେଇଥାନ୍ତି । ଏହା ପୂର୍ବରୁ ୟୁକା ମେକୋନଲ୍ଡ ନାମକ ଜଣେ ଚ୍ୟାଲେଞ୍ଜର ୧୦୦ଚିକେନ୍‌କୁ ସେ ଏକାସାଥିରେ ଖାଇଯାଇଥାନ୍ତି।

## ଆଜିର ଭାଗ୍ୟ

**ମେଷ** — ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** — ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** — ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ୍ୟ ଲାଭରୁ ଖୁସି ହେବେ।

**କର୍କଟ** — ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** — ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** — ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** — ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** — ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** — ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** — କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** — ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** — ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ୍ୟ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠିରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ୍ୟ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ , ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

# ବୀରହନୁମାନଜୀଉ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ୪୩ତମ ପ୍ରତିଷ୍ଠା ଦିବସ

କେନ୍ଦ୍ରାପଡ଼ା,(ପି.ଏନ): କେନ୍ଦ୍ରାପଡା ବ୍ଲକ ଅନ୍ତର୍ଗତ ନିକିରାଇସ୍ଥିତ ବୀରହନୁମାନଜୀଉ ଉଚ୍ଚମାଧ୍ୟମିକ ବିଦ୍ୟାଳୟ ୪୩ତମ ପ୍ରତିଷ୍ଠା ଦିବସ ସମାରୋହ ଅନୁଷ୍ଠିତ ହୋଇଯାଇଛି । ଅନୁଷ୍ଠାନର ଅଧକ୍ଷ ପ୍ରଫେସର ତୁଷାରକାନ୍ତ ବରାଳ ଏହି ଉପଲକ୍ଷେ ଅନୁଷ୍ଠିତ ଉତ୍ସବରେ ଅଧକ୍ଷତାକରି ଅନୁଷ୍ଠାନର ଗଠନରେ ପ୍ରତିଷ୍ଠାତା ସଭ୍ୟମାନଙ୍କର ପ୍ରଚେଷ୍ଟା ସମ୍ବନ୍ଧରେ ଆଲୋକପାତ କରିଥିଲେ । ମୁଖ୍ୟଅତିଥି ଭାବେ ଅନୁଷ୍ଠାନର ପ୍ରତିଷ୍ଠାତା ସଦସ୍ୟ ତଥା ବିଶିଷ୍ଟ ଶିକ୍ଷାବୀତ ରଘୁନାଥ ରାଉତ ଯୋଗଦେଇ ଅନୁଷ୍ଠାନର ଉ ରେ ।ର ପ୍ରଗତିରେ ସାମିଲ ହେବାକୁ ଆହ୍ୱାନ ଦେଇଥିଲେ । ମୁଖ୍ୟବକ୍ତା ଭାବେ ବୀରହନୁମାନଜୀଉ ଡିଗ୍ରୀ ମହାବିଦ୍ୟାଳୟର ପ୍ରାକ୍ତନ ଅଧକ୍ଷ ପ୍ରଫେସର ବଳରାମ କର ଏବଂ ଅନ୍ୟତମ ବିଶିଷ୍ଟ ଅତିଥି ଭାବେ ପ୍ରାକ୍ତନ



ଅଧକ୍ଷ ଡ. ମନୋରଞ୍ଜନ ମହାନ୍ତି ଯୋଗଦେଇ ଅନୁଷ୍ଠାନକୁ ଆଗେଇ ନେବାକୁ ଅନେକ ପରାମର୍ଶ ପ୍ରଦାନ କରିଥିଲେ । ଅନ୍ୟତମ ଅତିଥି ଭାବରେ ବାସୁଦେବ ଜେନା, ଅର୍ଜୁନ ଚରଣ ଜେନା, ଡ. ଅମୀୟ କୁମାର ରାଉତ, ଡ. ରତ୍ନମଞ୍ଜରୀ ଦାଶ, ଜଗଦାନନ୍ଦ ଜେନା ପ୍ରମୁଖ ଯୋଗଦେଇ ଅତୀତର ସ୍ମୃତିକୁ ମନେପକାଇଥିଲେ । ଏହି ସଭାରେ ବୀରହନୁମାନଜୀଉ ମହାବିଦ୍ୟାଳୟର ପ୍ରାକ୍ତନ ପ୍ରତିଷ୍ଠାତା ଅଧକ୍ଷ ଡ. ବସନ୍ତ କୁମାର ବରାଳଙ୍କୁ ଉପଢୌକନ, ପୁଷ୍ପଗୁଚ୍ଛ ଓ ମାନପତ୍ର ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରାଯାଇଥିଲା ।

# ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା । ତାଲିମର ଉଦ୍‌ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ । ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ । ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ । ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଳା ବ୍ଲକ ଦୁର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି । ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି । ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ୍ୟ ତାହା ଏବେ ଅକାମୀ ହୋଇପଡ଼ି ରହିଛି । ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି । ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି । -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ୍ୟ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି । ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି । ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା । ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

# ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧ୍ୟାପକ ଓ ଅଧ୍ୟାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧ୍ୟାପକ, ଅଧ୍ୟାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟାପକ ଓ ଅଧ୍ୟାପିକାମାନଙ୍କ ଅଭିଯୋଗ ଆଧାରରେ ଅଧ୍ୟକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଳୁ କରିଛନ୍ତି ମହାବିଦ୍ୟାଳୟର ଅଧ୍ୟକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧ୍ୟାପକ, ଅଧ୍ୟାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧ୍ୟାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜ ଅଧ୍ୟାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧ୍ୟକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧ୍ୟାପକ, ଅଧ୍ୟାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧ୍ୟାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧ୍ୟକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧ୍ୟାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧ୍ୟକ୍ଷ ଓ ଅଧ୍ୟାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ ।




2024-2025

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

s

Special discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com

Find us on
Facebook.com/Mps, Baripada

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Saturday July 27 2024 | ଭୁବନେଶ୍ୱର ଶନିବାର, ଜୁଲାଇ ୨୭,୨୦୨୪ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com



## ଜାପାନର କୋୟାସାନ୍ ବିଶ୍ୱବିଦ୍ୟାଳୟରୁ ଅଚ୍ୟୁତ ସାମନ୍ତଙ୍କୁ ସମ୍ମାନସୂଚକ ଡକ୍ଟୋରେଟ୍

ଭୁବନେଶ୍ୱର,(ପି.ଏନ): ଶିକ୍ଷାବିତ୍ ଓ ସମାଜସେବୀ ଅଚ୍ୟୁତ ସାମନ୍ତଙ୍କୁ ଜାପାନର କୋୟାସାନ୍ ବିଶ୍ୱବିଦ୍ୟାଳୟରୁ ସମ୍ମାନସୂଚକ ଡକ୍ଟୋରେଟ୍ ପ୍ରଦାନ କରାଯାଇଛି । ଶିକ୍ଷା ଓ ସମାଜସେବା କ୍ଷେତ୍ରରେ ଉଲ୍ଲେଖନୀୟ କାର୍ଯ୍ୟ ସକାଶେ ଶ୍ରୀ ସାମନ୍ତଙ୍କୁ ଏହି ସମ୍ମାନ ପ୍ରଦାନ କରାଯାଇଛି । ଏହା ହେଉଛି ଶ୍ରୀ ସାମନ୍ତଙ୍କର ୫୮ତମ ସମ୍ମାନସୂଚକ ଡକ୍ଟୋରେଟ୍ । ପ୍ରଥମ ଭାରତୀୟ ଭାବେ ମହାରାଷ୍ଟ୍ରର ପୂର୍ବତନ ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ପଡ୍‌ନାଭିସ୍‌ଙ୍କୁ ଏହି ସମ୍ମାନ ପ୍ରଦାନ କରାଯାଇଥିବା ବେଳେ କୋୟାସାନ୍ ବିଶ୍ୱବିଦ୍ୟାଳୟରୁ ଏହି ସମ୍ମାନ ପାଇବାରେ ଶ୍ରୀ ସାମନ୍ତ ହେଉଛନ୍ତି ଦ୍ୱିତୀୟ ଭାରତୀୟ । ମଙ୍ଗଳବାର ବିଶ୍ୱବିଦ୍ୟାଳୟର ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ଓସାକା-କୋବେରେ ଅବସ୍ଥାପିତ ଭାରତୀୟ କନ୍‌ସୁଲ୍ ଜେନେରାଲ ନିଖିଳେଶ ଗିରି ଓ



କୋୟାସାନ୍ ବିଶ୍ୱବିଦ୍ୟାଳୟର ବରିଷ୍ଠ ଅଧିକାରୀ ଓ ବିଶିଷ୍ଟ ବ୍ୟକ୍ତିଙ୍କ ଉପସ୍ଥିତିରେ ବିଶ୍ୱବିଦ୍ୟାଳୟର ସଭାପତି ସୋଏଡ଼ା ରୟୁସୋ ଶ୍ରୀ ସାମନ୍ତଙ୍କୁ ଏହି ସମ୍ମାନ ପ୍ରଦାନ କରିଥିଲେ । ସୂଚନାଯୋଗ୍ୟ, ୧୯୨୬ରେ ବିଶ୍ୱବିଦ୍ୟାଳୟର ମାନ୍ୟତା ପାଇଥିବା ଏହି ଅନୁଷ୍ଠାନ ଜାପାନର ୧୦୦ ବର୍ଷରୁ ଅଧିକ ବର୍ଷର ଅନ୍ୟତମ ପୁରାତନ ବିଶ୍ୱବିଦ୍ୟାଳୟ ।

## କାରଗିଲ ବିଜୟ ଦିବସ ପାଳନ କଲେ ଅବସରପ୍ରାପ୍ତ ସୈନିକ କଲ୍ୟାଣ ସଙ୍ଘ

ବାସୁଦେବପୁର,(ପି.ଏନ):୧୯୯୯ ମସିହା ଜୁଲାଇ ମାସ ୨୬ ତାରିଖ ଦିନ ଭାରତର ବୀର ଯବାନଙ୍କ ଆପ୍ରାଣ ଉଦ୍ୟମ ଏବଂ ସାହସିକତା ର ସହିତ ଯୁଦ୍ଧ କରି ହାସଲ କରିଥିଲେ କାରଗିଲ ଉପରେ ବିଜୟ । ଯେଉଁଥିରେ ୫୦୦ ଉର୍ଦ୍ଧ୍ୱ ଭାରତୀୟ ଜବାନ ଶହୀଦ ହୋଇଥିବା ବେଳେ ହଜାର ହଜାର ଜବାନ ଆହତ ହୋଇଥିଲେ । ସୂଚନା ଅନୁଯାୟୀ ଭାରତର ବୀର ଯବାନ ୧୮୦୦୦ ଫୁଟ ଉଚ୍ଚତା ଓ ୪୫ ରୁ ୪୭ ଡିଗ୍ରୀ ତାପମାତ୍ରାକୁ ସହ୍ୟ କରି କାରିଗିଲ କୁ ସ୍ୱତନ୍ତ୍ର ପରିଚୟ ପ୍ରଦାନ କରିବା ଲକ୍ଷରେ ଶତ୍ରୁ ଦେଶ ପାକିସ୍ତାନର ସୈନିକ ମାନଙ୍କୁ ମୁହଁ ତୋଡ ଜବାବ ଦେବା ସହିତ ଶତ୍ରୁ ସୈନିକ ଙ୍କୁ ହତ୍ୟା କରିଥିଲେ ।

## ନୀଳାଚଳ ଇସ୍ପାତ ନିଗମ ଲିମିଟେଡ୍ ଏବଂ ଟାଟା ଷ୍ଟିଲ ଫାଉଣ୍ଡେସନ ପକ୍ଷରୁ କୁଲାପିଟା ଗ୍ରାମରେ ନୂତନ ଅଙ୍ଗନବାଡି ଘର ଲୋକାର୍ପିତ

ଦାନଗଦି,(ପି,ଏନ୍): ନୀଳାଚଳ ଇସ୍ପାତ ନିଗମ ଲିମିଟେଡ୍ (ଏନ୍‌ଆଇଏନ୍‌ଏଲ୍) ଏବଂ ଟାଟା ଷ୍ଟିଲ ଫାଉଣ୍ଡେସନ (ଟିଏସ୍‌ଏଫ୍) ପକ୍ଷରୁ ଯାଜପୁର ଜିଲ୍ଲା ଦାନଗଦୀ ବ୍ଲକ ସାଳିଜଙ୍ଗା ପଞ୍ଚାୟତର କୁଲାପିଟା ଗ୍ରାମର ବାସିନ୍ଦାଙ୍କୁ ଉନ୍ନତ ଶିକ୍ଷା ଭିତ୍ତିଭୂମି ଯୋଗାଇଦେବା ଉଦ୍ଦେଶ୍ୟରେ ଶୁକ୍ରବାର ଏକ 'ନୂତନ ଅଙ୍ଗନବାଡି ଘର' ଲୋକାର୍ପିତ କରାଯାଇଛି ।ଏହି ଉଦ୍ଘାଟନୀ ଉତ୍ସବରେ ନୀଳାଚଳ ଇସ୍ପାତ ନିଗମର ଏମ୍‌ଡି ତଥା ସିଇଓ ସୁଧୀର ମେହେତା, ଯାଜପୁର ଜିଲ୍ଲା ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀ (ସିଡିପିଓ) ନନ୍ଦିନୀ ପ୍ରଭା ଲେଙ୍କା, ସାଳିଜଙ୍ଗା ପଞ୍ଚାୟତର ସରପଞ୍ଚ ବିଜୟଲକ୍ଷ୍ମୀ ଦାସ, କୁଲାପିଟା ୱାର୍ଡ ମେମ୍ବର ଲଙ୍କା ବୁଦୁଲି, ଟିଏସ୍‌ଏଫ ମୁଖ୍ୟ ଆଲେନ୍ ଜୋସେଫଙ୍କ ସମେତ ସ୍ଥାନୀୟ ଅଞ୍ଚଳର କମ୍ୟୁନିଟି ସଦସ୍ୟ ଓ ଟିଏସ୍ ?ଏଫର ଅଧିକାରୀମାନେ ଉପସ୍ଥିତ ଥିଲେ ।ନୀଳାଚଳ ଇସ୍ପାତ ନିଗମ ଅନୁଦାନରେ ନିର୍ମିତ ଏହି ନୂତନ ଅଙ୍ଗନବାଡି ଘର ନିକଟବର୍ତ୍ତୀ ଅଞ୍ଚଳର ୧୪୫ଟି ଅନୁସୂଚିତ ଜନଜାତି ପରିବାରର ୨୪ ଜଣ ପିଲାଙ୍କ ଶିକ୍ଷାଗତ ଆବଶ୍ୟକତା ପୂରଣ କରିବ, ଯେଉଁମାନେ ନିୟମିତ ଭାବେ କେନ୍ଦ୍ରକୁ ଆସନ୍ତି । ଅସ୍ଥାୟୀ ପୁରୁଣା ଅଙ୍ଗନବାଡି ଘର ଆଜବେଷ୍ଟସ୍ ଛାତ ଥିବାରୁ ବର୍ଷାଦିନେ ପିଲାମାନେ ବହୁ ଅସୁବିଧାର ସମ୍ମୁଖୀନ ହେଉଥିଲେ । ବର୍ତ୍ତମାନ ପିଲାମାନଙ୍କୁ ସେହି ସମସ୍ୟା ଭୋଗିବାକୁ ପଡିବ ନାହିଁ ।

## ଅଗ୍ନିବୀର(ବାୟୁସେନା)ଚୟନ ନିମନ୍ତେ ପରାମର୍ଶ ଶିବିର



କେନ୍ଦ୍ରାପଡ଼ା,(ପି.ଏନ): ଜିଲ୍ଲା ଦକ୍ଷତା ବିକାଶ ଓ ନିଯୋଜନ କାର୍ଯ୍ୟାଳୟ ପକ୍ଷରୁ କାରଗିଲ ବିଜୟ ଦିବସ ଅବସରରେ ଅଗ୍ନିବୀର (ବାୟୁସେନା) ଚୟନ ନିମନ୍ତେ ଏକ ପରାମର୍ଶ ଶିବିର ଅନୁଷ୍ଠିତ ହୋଇଯାଇଛି । କେନ୍ଦ୍ରାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟ, କେନ୍ଦ୍ରାପଡ଼ା ସାନ୍ଧ୍ୟ ମହାବିଦ୍ୟାଳୟ ଏବଂ ଛତାସ୍ଥିତ ସରକାରୀ ପଲିଟେକନିକ୍‌ଠାରେ ଏହି ଶିବିର ଆୟୋଜନ ହୋଇଥିଲା । ଏହି ଶିବିରରେ ଭୁବନେଶ୍ୱରସ୍ଥିତ ୯ ଏୟାରମ୍ୟାନ୍ ଚୟନ କେନ୍ଦ୍ରର ସରଜେଂଟ୍ ଦୀପକ ଏବଂ ରାହୁଲ ଯୋଗଦେଇ ବାୟୁସେନାରେ ଭ ି ନିମନ୍ତେ ଆବଶ୍ୟକୀୟ ପ୍ରାକ୍ ପ୍ରସ୍ତୁତି ସମ୍ପର୍କରେ ବିଷଦ୍ ବର୍ଣ୍ଣନା କରିଥିଲେ । ଅନ୍ ଲାଇନ୍ ଫର୍ମ ପୂରଣଠାରୁ ଶାରୀରିକ ପରୀକ୍ଷା ପର୍ଯ୍ୟନ୍ତ ହେବାକୁ ଥିବା ସମସ୍ତ ଆବଶ୍ୟକୀୟ ପ୍ରସ୍ତୁତି ସମ୍ପର୍କରେ ଆଶାୟୀ ପିଲାଙ୍କୁ ଗୋଟିଗୋଟି କରି ବୁଝାଇଥିଲେ । ଏହି କାର୍ଯ୍ୟକ୍ରମରେ ଜିଲ୍ଲା ଦକ୍ଷତା ବିକାଶ ଓ ନିଯୋଜନ ଅଧିକାରୀ ଘନଶ୍ୟାମ ସା, ସମ୍ପୃକ୍ତ କଲେଜ୍‌ର ଅଧ୍ୟକ୍ଷ ଓ କର୍ମଚାରୀମାନେ ଆବଶ୍ୟକୀୟ ମନ୍ତବ୍ୟ ପ୍ରଦାନ କରିଥିଲେ । ୧୫୦ରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ ଏହି ଶିବିରରେ ଅଂଶଗ୍ରହଣ କରି ଅଗ୍ନିବୀର (ବାୟୁ ସେନା)ରେ ନିଜର କ୍ୟାରିୟର କରିବା ପାଇଁ ଆଗ୍ରହ ପ୍ରକାଶ କରିଥିଲେ ।

## ବୈଷ୍ଣବ ସମ୍ମିଳନୀ ଓ ଶ୍ରୀରାମଙ୍କ ମାନବିୟ ଲିଳାମୟ ପୁସ୍ତକ ଉନ୍ମୋଚିତ

ଯାଜପୁର,(ପି.ଏନ):ଯାଜପୁର ବଡ଼ଦୋଗଡ଼ା ଗୋପୀନାଥଜୀୟୁ ମନ୍ଦିର ପ୍ରାଙ୍ଗଣରେ ରାଷ୍ଟ୍ରପତି ପୁରସ୍କାର ପ୍ରାପ୍ତ ବିଦ୍ୱାନ ପଣ୍ଡିତ ଭୂପତି ଭୂଷଣ ମିଶ୍ରଙ୍କ ଅଧକ୍ଷତାରେ ଅଧିକାରୀ ନବକିଶୋର ଦାସଙ୍କ ରଚିତ "ଶ୍ରୀରାମଙ୍କ ମାନବୀୟ ଲିଳା" ପୁସ୍ତକ ଉନ୍ମୋଚନ ଓ ଜିଲ୍ଲାସ୍ତରୀୟ ବୈଷ୍ଣବ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି । ଯାଜପୁର ଜିଲ୍ଲାର ବିଞ୍ଝାରପୁର ବ୍ଲକର ନରୁଆ ମଠର ଗୋସ୍ୱାମୀ ଗୋପଳ ଚରଣ ଦାଶ ଭକ୍ତିଭୂଷଣଙ୍କ କରକମଳରେ ପୁସ୍ତକ ଲୋକାର୍ପିତ ହୋଇଯାଇଛି । ଯାଜପୁର ଜିଲ୍ଲାର ବିଭିନ୍ନ ଅ ଳରୁ ଆସିଥିବା ବୈଷ୍ଣବ ମାନଙ୍କୁ ପୁଷ୍ପ, ଚନ୍ଦନ ଓ ଉ ରୀୟ ପ୍ରଦାନକରାଯାଇ ସମ୍ମାନିତ କରାଯାଇଥିଲା ।

## ତାପମାତ୍ରା ଓ ପରିବେଶ ସୁରକ୍ଷା ପାଇଁ ଗୁରାଣ୍ଡିରେ ଯୁବଗୋଷ୍ଠୀଙ୍କ ଚାରାରୋପଣ

ପାରଳାଖେମୁଣ୍ଡି,(ପି.ଏନ): ଗଜପତି ଜିଲ୍ଲା ଗୋଷାଣି ବ୍ଲକର ଗ୍ରାମାଞ୍ଚଳରେ ଗୁରାଣ୍ଡି ଗ୍ରାମର ଯୁବ ଗୋଷ୍ଠୀଙ୍କ ଦ୍ୱାରା ଚାରାରୋପଣ କରାଯାଇଛି । ଉତ୍ତାପ ବୃଦ୍ଧି ପରିବେଶର ସୁରକ୍ଷା ପାଇଁ ଏହି ଯୁବଗୋଷ୍ଠୀ ଗୁରାଣ୍ଡି ଗ୍ରାମାଞ୍ଚଳର ବିଭିନ୍ନ ସ୍ଥାନର ଚାଷ ଜମି ହିଡ, ପୋଖରୀ ନିକଟ, ଖାଲି ପଡ଼ିଆରେ ଚାରାରୋପଣ କରିଥିଲେ ଓ ବୃକ୍ଷଲତା ହାନୀ ଯୋଗୁଁ ଦିନକୁ ଦିନ ବଢୁଥିବା ତାପମାତ୍ରା, ଜଳବାୟୁରେ ପରିବର୍ତ୍ତନ, ଅଭାବୀ ବର୍ଷା, ପରିବେଶ ପ୍ରଦୂଷଣ ଆଦି ବିଶେଷ ଭାବେ ବୃଦ୍ଧି ପାଉଛି । ଧରାପୃଷ୍ଠରକୁ ସୁରକ୍ଷା ଦେବାକୁ ହେଲେ ବୃକ୍ଷ ହିଁ ଏକ ମାତ୍ର ବିକଳ୍ପ ବୋଲି ହୃଦବୋଧ କରି ଏହି ଯୁବ ଗୋଷ୍ଠୀ ନିଜସ୍ୱ ଉଦ୍ୟମରେ ଗଛ ଲଗାଇବା ସହ ଗଛକୁ ବଞ୍ଚାଇବା ପାଇଁ ଉଦ୍ୟମ ଜାରି ରଖିଛନ୍ତି ଓ ଯେଉଁ ସ୍ଥାନରେ ଚାରାରୋପଣ କରିଛନ୍ତି ତାର ସୁରକ୍ଷା ଦାୟିତ୍ୱ ଠାରୁ ଆରମ୍ଭ କରି ଗଛ ବଡ ହେବା ପର୍ଯ୍ୟନ୍ତ କାମ କରିବୁ ବୋଲି ଯୁବଗୋଷ୍ଠୀ ସଦସ୍ୟ କେ.



ଆଦିନାରାୟଣା, ଏନ୍ ଭେଙ୍କଟରାଓ, ଲଳିତ କୁମାର ରାଉତ, ମହେନ୍ଦ୍ର ପାତ୍ର, ଏସ୍. ମୋହନ ରାଓ, ଜି. ରାଜେଶ, ସୁଶାନ୍ତ କୁମାର ସାମଲ, ରୋହିତ କୁମାର ନାୟକ, ଡି ହେମାଞ୍ଜଳମ୍, ସନ୍ତୋଷ କୁମାର ବେହେରା, ରାଜୁ ପଣ୍ଡା, ତୁଳସୀ କିଶୋର, ଡି. ପ୍ରଦୀପ, ଟି. ରମେଶ ଓ ଏନ୍. ଜଗଦୀଶ ପ୍ରମୁଖ କହିଛନ୍ତି ।

## ପାରଳାର ବିଭିନ୍ନ ଶିବାଳୟରେ ଶୀତଳ ଷଷ୍ଠୀ ଓ ଶିବପାର୍ବତୀଙ୍କ ବିବାହ ଅନୁଷ୍ଠିତ

ଭୁବନେଶ୍ୱର,(ପି.ଏନ): ଗଜପତି ଜିଲ୍ଲା ସଦର ମହକୁମା ପାରଳାଖେମୁଣ୍ଡି ସହର ସମେତ ସମଗ୍ର ଜିଲ୍ଲାର ବିଭିନ୍ନ ଶିବାଳୟରେ ମହା ଆଡ଼ମ୍ବରରେ ସମ୍ପନ୍ନ ହୋଇଛି ଶୀତଳ ଷଷ୍ଠୀ ଓ ଶିବ ବିବାହ । ମା ପାର୍ବତୀଙ୍କ ସହିତ ମହାଦେବଙ୍କ ବିବାହ ସମ୍ପନ୍ନ ହୋଇଛି । ପବିତ୍ର ଶୀତଳ ଷଷ୍ଠୀରେ ପାଣି ଗ୍ରହଣ ଉତ୍ସବ ଧୁମଧାମରେ ଅନୁଷ୍ଠିତ ହୋଇଥିବା ବେଳେ ଭକ୍ତମାନେ ଏହି ଅବସରରେ ବିଭିନ୍ନ ଶୈବପୀଠରେ ଅନ୍ନ ଦାନ, ପଣା ଭୋଗ ବଣ୍ଟନ ସହିତ ଦୀପ ପ୍ରଜ୍ୱଳନ କରିଥିବାର ଦେଖିବାକୁ ମିଳିଥିଲା ଓ ଗଜପତି ଜିଲ୍ଲା ସଦର ମହକୁମା ପାରଳାଖେମୁଣ୍ଡି ଉପକଣ୍ଠସ୍ଥିତ ରାମଲିଙ୍ଗେଶ୍ୱର ମନ୍ଦିର, ଫରେଷ୍ଟ ଗେଟ ରାସ୍ତାରେ ଥିବା ଶନି ଓ ଶିବ ମନ୍ଦିର, ପୁରୁଣା କେରାଣ୍ଡି ଗ୍ରାମର ଗୋକର୍ଣ୍ଣେଶ୍ୱର ଶୈବପୀଠରେ ମହାଦେବଙ୍କ ବିବାହ ଉତ୍ସବରେ ହଜାର ହଜାର ସଂଖ୍ୟାରେ ଭକ୍ତ ଯୋଗଦେଇ ଉତ୍ସବ ଦେଖିବା ସହ ପ୍ରସାଦ ସେବନ କରିଥିଲେ ଓ ରାମ ଲିଙ୍ଗେଶ୍ୱର ମନ୍ଦିରର ସେବାୟତ ବ୍ରହ୍ମାନନ୍ଦ ପଣ୍ଡା, ଶିଶିର ପଣ୍ଡା ପଣ୍ଡା, ସନ୍ତୋଷ ପଣ୍ଡା, ପ୍ରେମାନନ୍ଦ ପଣ୍ଡା, ବିଜୟ ପଣ୍ଡା, ଭିକାରୀ ପଣ୍ଡା, ଶ୍ରୀକାନ୍ତ ଭୂକ୍ତା, ପ୍ରଦୀପ ଭୂକ୍ତା, ଶ୍ରୀନିବାସ ଭୂକ୍ତା, ଜଗନ୍ନାଥ ଭୂକ୍ତାଙ୍କ ସହ ରମେଶ ବେହେରା କାର୍ଯ୍ୟକ୍ରମ ପରିଚାଳନା କରିଥିଲେ । ପ୍ରଥମେ ଠାକୁରଙ୍କୁ ଏକ ବିରାଟ ପଟୁଆରରେ ଭୂକ୍ତା ମଣ୍ଡପକୁ ବରବେଶ କରି ନେବା ପରେ ମନ୍ଦିରରେ ଥିବା କଲ୍ୟାଣ ବେଦୀକୁ ଅଣାଯାଇଥିଲା । ଏଠାରେ କନ୍ୟା ପିତା ଠାକୁରଙ୍କୁ ସ୍ୱାଗତ କରି ବାଟ ବରଣ କରିଥିଲେ । ପରେ ହୁଳହୁଳି ଘଣ୍ଟ ତାଳ ଧ୍ୱନି ମଧ୍ୟରେ ମା'ଙ୍କୁ ଅଣାଯାଇ ବିବାହ କାର୍ଯ୍ୟ ଅନୁଷ୍ଠିତ ହୋଇଥିଲା । ଏହାପରେ ନଗର ପରିକ୍ରମା କରାଯାଇଥିଲା ଓ ଶିବ ବିବାହକୁ ଦେଖିବା ପାଇଁ ପୁରପଲ୍ଲୀ ଠାରୁ ଆରମ୍ଭ କରି ସହରାଞ୍ଚଳରେ ରହିଥିବା ବିଭିନ୍ନ ଶିବାଳୟରେ ଭକ୍ତଙ୍କ ଭିଡ ଜମିଥିଲା. ଗତକାଲି କେତେକ ଶିବାଳୟରେ ଶିବ ବିବାହ ଅନୁଷ୍ଠିତ ହୋଇଥିବାବେଳେ ଆଜି ମଧ୍ୟ ଅନ୍ୟ କେତେକ ମନ୍ଦିରରେ ଶୀତଳ ଷଷ୍ଠୀ ଓ ଶିବ ବିବାହ ସମ୍ପୂନ୍ନ ହୋଇଛି ।

ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)

NURSERY (3+)

LKG, UKG, STD-I TO V

25% reservation as per RTE Act (2009)



FIND THE DIFFERENCE

●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities

TUITION CLASSES for Std I to Std V

Timing: 5 PM to 6.30 PM

MAHARISHI PUBLIC SCHOOL

N4-F/24, IRC Village, Nayapalli, Bhubaneswar, Phone: 0674-2558884,2550786

E-mail: maharishipublic13@gmail.com

25% Seats reserved in Std. 1 under RTE Act

Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ

EDITOR : Dr. Pabitra Mohan Samantaray